ଓଡ଼ିଶା ସରକାର

# କାର୍ତ୍ତିକ ହବିଷ୍ୟାଳୀ ବ୍ରତ - ୨୦୨୪

ଶ୍ରୀକ୍ଷେତ୍ର ପୁରୀରେ ପ୍ରତିବର୍ଷ ପବିତ୍ର କାର୍ତ୍ତିକ ମାସରେ "ରାଇଦାମୋଦର ବ୍ରତ" ପାଳନ କରିବା ନିମିତ୍ତ ଓଡ଼ିଶା ସରକାରଙ୍କ ଦ୍ୱାରା ହବିଷ୍ୟାଳୀ ମା'ମାନଙ୍କ ପାଇଁ ରହଣୀ, ଶ୍ରୀ ଜଗନ୍ନାଥ ଦର୍ଶନ, ମହାପ୍ରସାଦ ସେବନ ଏବଂ ଅନ୍ୟାନ୍ୟ ସମସ୍ତ ବ୍ୟବସ୍ଥା ଜିଲ୍ଲା ପ୍ରଶାସନ, ପୁରୀଙ୍କ ସହାୟତାରେ କରାଯାଉଛି । ଚଳିତ ବର୍ଷ ପୁରୀରେ ହବିଷ୍ୟାଳୀ ବ୍ରତ ପାଳନ କରିବା ପାଇଁ ଆଗ୍ରହୀ ମା'ମାନେ ଅକ୍ଟୋବର ୬ ତାରିଖ ଠାରୁ ଅକ୍ଟୋବର ୧୧ ତାରିଖ ପର୍ଯ୍ୟନ୍ତ (ଅଥବା ଧାର୍ଯ୍ୟ ଲକ୍ଷ୍ୟ ପୂର୍ଣ୍ଣ ହେବା ପର୍ଯ୍ୟନ୍ତ) ଅନ୍‌ଲାଇନ୍ ଲିଙ୍କ୍ https://edistrict.odisha.gov.in ମାଧ୍ୟମରେ ନିଜର ନାମ ପଞ୍ଜିକରଣ କରିପାରିବେ ।

ଏ ସମ୍ପର୍କରେ ଅଧିକ ଜାଣିବା ପାଇଁ ନିମ୍ନରେ ପ୍ରଦତ୍ତ ଫୋନ୍ ନମ୍ବର ସହିତ ଯୋଗାଯୋଗ କରିବାକୁ ଅନୁରୋଧ ।

**: ଆବେଦନର ନିୟମାବଳୀ :**

୧. ଶାରୀରିକ ଓ ମାନସିକ ଭାବେ ସୁସ୍ଥ ଥିବା ଆବଶ୍ୟକ ।
୨. ବିଧବା ବ୍ରତ ଧାରିଣୀଙ୍କୁ ପ୍ରାଧାନ୍ୟ ଦିଆଯିବ ।
୩. ନୂତନ ଆବେଦନକାରୀଙ୍କୁ ପ୍ରାଧାନ୍ୟ ଦିଆଯିବ ।

ବି.ଦ୍ର.: ଏଠାରେ ଅବଗତ କରାଇଦିଆଯାଉଛି ଯେ, ଅନ୍‌ଲାଇନ୍‌ରେ ପଞ୍ଜିକରଣକରି ହିତାଧିକାରୀ ଭାବେ ଚୟନ ହୋଇଥିବା ମା'ମାନଙ୍କ ବ୍ୟତୀତ ଅନ୍ୟ କୌଣସି ବ୍ୟକ୍ତି ଶିବିର ନିକଟରେ ଆସି ଅପ୍ରତ୍ୟାଶିତ ଅନୁରୋଧକୁ ଗ୍ରହଣ କରାଯିବ ନାହିଁ । ଶିବିରରେ ହିତାଧିକାରୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇ ଅସୁସ୍ଥ ଥିଲେ ପ୍ରବେଶ ଅନୁମତି ମିଳିବ ନାହିଁ ।





**ଅଧିକ ଜାଣିବା ପାଇଁ ଯୋଗାଯୋଗ କରନ୍ତୁ :**

ଜିଲ୍ଲା ସଂସ୍କୃତି ଅଧିକାରୀ : - ୯୬୯୨୭୨୦୫୯୪, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ : - ୯୪୩୭୩୦୨୬୧୮

ଜିଲ୍ଲା କ୍ରୀଡ଼ା ଅଧିକାରୀ : - ୭୭୩୫୫୧୭୪୮୨, ଜିଲ୍ଲା କାର୍ଯ୍ୟାଳୟ : - (୦୬୭୫୨) ୨୨୨୬୬୪